ପ୍ରେସ୍ ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୨୬ ଜଣ କରୋନା ପଜିଟିଭ ଚିହ୍ନଟ -

### ପଜିଟିଭ ସଂଖ୍ୟା ୧୧୩୫୬ ରେ ପହଞ୍ଚିଲା - ସୁସ୍ଥ ହେଲେ ୧୬ ଜଣ ।

ଅନୁଗୋଳ, ତା,୧୪.୧୨:-_ଆଜି ଅନୁଗୋଳ ଜିଲ୍ଲାରେ ୨୬ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଂକ ମଧ୍ୟରୁ ୧ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଂକ ସଂଖ୍ୟା ୧୯୯ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ସର୍ବାଧିକ ୧୨ଜଣ (୪ ଜଣ ପୁରୁଷ ଓ ୮ଜଣ ମହିଳା), ବଅଁରପାଳ ବ୍ଲକ୍ ଅଂଚଳରୁ ୫ଜଣ (୪ ଜଣ ପୁରୁଷ ଓ ୧ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୩ଜଣ ( ୧ଜଣ ପୁରୁଷ ଓ ୨ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୨ଜଣ ( ୨ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୨ଜଣ ( ୧ଜଣ ପୁରୁଷ ଓ ୧ ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୧ଜଣ ( ୧ ଜଣ ମହିଳା) ଓ ପାଲଲହଡା ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଂକ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ଆଜି ଅନୁଗୋଳ ବ୍ଲକ, ତାଳଚେର ପୌରାଞ୍ଚଳ,କିଶୋରନଗର ବ୍ଲକ୍, ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ସୁସ୍ଥ ହୋଇଥିବା ୧୬ଜଣ ଯାକ ହୋମ Isolation ରେ ଥିବାର ଜଣାପଡିଛି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୮୦୯ ତା.୧୪.୧୨.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ